୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.27. No.207 Bhubaneswar Wednesday October 1, 2025 | ୨୭ତମ ବର୍ଷ ସଂଖ୍ୟା-୨୦୭ ଭୁବନେଶ୍ୱର, ବୁଧବାର, ଅକ୍ଟୋବର ୧, ୨୦୨୫ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 (Air Surcharge - 0.50P) | Member-INS

# ଅକ୍ଟୋବର ୨ରେ ଡ୍ରଗ୍ସଫ୍ରି ଭୁବନେଶ୍ୱର ସଚେତନତା ଅଭିଯାନର ଦ୍ୱିତୀୟ ପର୍ଯ୍ୟାୟର ଶୁଭାରମ୍ଭ କରିବେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର,୩୦।୯(ପି.ଏନ):ନିଶାମୁକ୍ତ ଗ୍ରାମ ଗଠନ ପାଇଁ ଅଂଟା ଭିଡ଼ିଲେ ସରକାର। ଆମ ସଂକଳ୍ପ ନିଶା ନୁହେଁ ଜୀବନ। ଡ୍ରଗ୍ସଫ୍ରି ଭୁବନେଶ୍ୱର ପାଇଁ ଆୟୋଜନ ହେବ ଦ୍ୱିତୀୟ ପର୍ଯ୍ୟାୟ ସଚେତନା କାର୍ଯ୍ୟକ୍ରମ। ମଦ୍ୟପାନ କରି ଗାଡ଼ି ଚାଳନା ବିରୁଦ୍ଧରେ ସ୍ୱତନ୍ତ୍ର ଅଭିଯାନ ଚଳାଇବା ପାଇଁ ଆର୍ଟିଓଗୁଡ଼ିକୁ ନିର୍ଦ୍ଦେଶ ଦିଆଯାଇଛି। ରାଜ୍ୟସରକାରଙ୍କ ନିଶା ଅପବ୍ୟବହାରର ବିପଦକୁ ମୁକାବିଲା କରିବା ଏବଂ ଏକ ସୁସ୍ଥ, ନିରାପଦ ଏବଂ ନିଶାମୁକ୍ତ ସମାଜକୁ ପ୍ରୋତ୍ସାହିତ କରିବା ପାଇଁ ଅବକାରୀ ବିଭାଗ ସ୍ୱତନ୍ତ୍ର ସଚେତନତା ଏବଂ ପ୍ରବର୍ତ୍ତନ ଅଭିଯାନର ଦ୍ୱିତୀୟ ପର୍ଯ୍ୟାୟ 'ଡ୍ରଗ୍ସଫ୍ରି ଭୁବନେଶ୍ୱର' ଆୟୋଜନ କରିବ। ଆସନ୍ତା ଅକ୍ଟୋବର ୨ ତାରିଖରେ ସଚେତନତା ଅଭିଯାନର ଦ୍ୱିତୀୟ



ପର୍ଯ୍ୟାୟର ଶୁଭାରମ୍ଭ କରିବେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ।ଅକ୍ଟୋବର ୨ ରୁ ଏକ ମାସ ପାଇଁ ଚାଲିବ କାର୍ଯ୍ୟକ । ପ୍ରଚାର ସମୟରେ ବାର୍ତା ପ୍ରସାର ପାଇଁ ପିଆର ଏବଂ ଡିଡବ୍ଲୁ ବିଭାଗ ରାଜ୍ୟର ସମସ୍ତ ଗ୍ରାମପଂଚାୟତ ଏବଂ ପଂଚାୟତ ସମିତିକୁ ସାମିଲ କରାଯିବ। ପ୍ରତ୍ୟେକ ଗ୍ରାମପଂଚାୟତରେ ୨ ଅକ୍ଟୋବରରେ ଗ୍ରାମସଭାର ଏକ ସ୍ୱତନ୍ତ୍ର ବୈଠକ ଡକାଯାଇ ନିଶା ସମସ୍ୟା ଉପରେ ଆଲୋଚନା କରାଯିବ। ନିଶାମୁକ୍ତ ଗ୍ରାମ ଗଠନ ପାଇଁ ପ୍ରୟାସ କରିବାକୁ ଗ୍ରାମପଂଚାୟତମାନଙ୍କୁ ଉତ୍ସାହିତ କରାଯିବ।ସଫଳ ଗ୍ରାମପଂଚାୟତ ମାନଙ୍କୁ ସ୍ଥାନିତ କରାଯିବ ଏବଂ ତା ପରେ ଶ୍ରେଷ୍ଠ ତିନି ଗ୍ରାମପଂଚାୟତଙ୍କୁ ପୁରସ୍କାର ଘୋଷଣା କରାଯିବ । ଜାତୀୟ ସଡ଼କ ସୁରକ୍ଷା ସପ୍ତାହ ପରି ଅଭିଯାନ ସମୟରେ ମଦ୍ୟପାନ କରି ଗାଡ଼ି ଚାଳନା ରୋକିବା ପାଇଁ ବାଣିଜ୍ୟ ଏବଂ ପରିବହନ ବିଭାଗ ବ୍ୟାପକ ସଚେତନତା ଅଭିଯାନ କରିବ। ଏସଏସଇପିଡ଼ି ବିଭାଗ ବିଭିନ୍ନ ଏନଜିଓଗୁଡ଼ିକୁ ସାମିଲ କରି ରାଜ୍ୟର ବିଭିନ୍ନ ନିଶା ନିବାରଣ କେନ୍ଦ୍ରଗୁଡ଼ିକରେ ସଚେତନା କାର୍ଯ୍ୟକ୍ରମ ଆୟୋଜନ କରାଯିବ। ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ବିଭାଗ ମାସକ ମଧ୍ୟରେ ସ୍ୱାସ୍ଥ୍ୟ ଶିବିର, କର୍ମଶାଳା,ସମ୍ମିଳନୀରେ ଏକ ସ୍ୱତନ୍ତ୍ର ସଚେତନତା ଅଭିଯାନ କରିବ।

## ଶୁଭେଚ୍ଛା ବର୍ତ୍ତା

ପବିତ୍ର ଦୁର୍ଗାପୂଜା ଓ ଦଶହରା ଉପଲକ୍ଷେ ଆମର ପାଠକ, ପାଠିକା, ବିଜ୍ଞାପନଦାତା, ବିତରକ ତଥା ଶୁଭେଚ୍ଛୁମାନଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଓ ଶୁଭେଚ୍ଛା। - ସମ୍ପାଦକ

## ଛୁଟି ଘୋଷଣା

ପବିତ୍ର ଦୁର୍ଗାପୂଜା ଓ ଦଶହରା ଉପଲକ୍ଷେ 'ପର୍ଯ୍ୟବେକ୍ଷକ' କାର୍ଯ୍ୟାଳୟ ୦୧ ରୁ ୦୩ ବନ୍ଦ ରହୁଥିବାରୁ ଏହାର ପରବର୍ତ୍ତି ସଂସ୍କରଣ ଆସନ୍ତା ୫ ତାରିଖ ଦିନ ପ୍ରକାଶ ପାଇବ - ପ୍ରକାଶକ






ପବିତ୍ର ବିଜୟା ଦଶମୀ-୨୦୨୫ ଅବସରରେ
ମାନ୍ୟବର ରାଜ୍ୟପାଳଙ୍କ ବାର୍ତ୍ତା

ପବିତ୍ର ବିଜୟା ଦଶମୀ ଅବସରରେ ମୁଁ ରାଜ୍ୟବାସୀଙ୍କୁ ମୋର ଆନ୍ତରିକ ଶୁଭେଚ୍ଛା ଓ ହାର୍ଦ୍ଦିକ ଅଭିନନ୍ଦନ ଜଣାଉଛି ।

ବିଜୟା ଦଶମୀ ହେଉଛି ଅସତ୍ୟ ଉପରେ ସତ୍ୟର, ଅନ୍ୟାୟ ଉପରେ ନ୍ୟାୟର ଏବଂ ଅଶାନ୍ତି ଉପରେ ଶାନ୍ତିର ବିଜୟ ପ୍ରତୀକ । ପ୍ରତ୍ୟେକ ବ୍ୟକ୍ତି ନିଜ ଜୀବନରେ ତଥା ସମାଜରେ ସତ୍ୟ, ନ୍ୟାୟ ଏବଂ ଶାନ୍ତି ପ୍ରତିଷ୍ଠା ଦିଗରେ ନିଷ୍ଠାପର ଭାବେ କାର୍ଯ୍ୟ କରିବାକୁ ଆହ୍ୱାନ ଜଣାଉଛି ।

(ହରି ବାବୁ କମ୍ଭମ୍ପାଟି)

DADLS-53



ଦୁର୍ଗାପୂଜା ଅବସରରେ
ମୁଖ୍ୟମନ୍ତ୍ରୀଙ୍କ ଶୁଭେଚ୍ଛା

ଶାରଦୀୟ ଦୁର୍ଗାପୂଜା ଅବସରରେ ରାଜ୍ୟବାସୀ ଭାଇ ଓ ଭଉଣୀ ମାନଙ୍କୁ ମୋର ଶୁଭେଚ୍ଛା ଜଣାଉଛି ।

ମା' ଦୁର୍ଗା ଆମ ପାଇଁ ଶକ୍ତି ଓ ସୁରକ୍ଷାର ନିଦର୍ଶନ । ଆମ ସମାଜରେ ଦୁର୍ଗାପୂଜା କେବଳ ଏକ ଧାର୍ମିକ ଉତ୍ସବ ନୁହେଁ, ଏହା ହେଉଛି ଶକ୍ତି, ସାହସ ଓ ନୈତିକ ବିଜୟର ପ୍ରତୀକ । ମା' ଙ୍କ ଧରାବତରଣ ସମସ୍ତଙ୍କ ପାଇଁ ଶୁଭମୟ ହେଉ ।

ଜଗତ୍‌ଜନନୀ ମା' ଦୁର୍ଗାଙ୍କ ଅପାର କରୁଣାରୁ ସମସ୍ତଙ୍କ ଜୀବନରେ ସୁଖ, ଶାନ୍ତି ଓ ଆନନ୍ଦ ଭରିଉଠୁ, ପାର୍ବଣର ଏହି ଅମୃତ ଲଗ୍ନରେ ମା'ଙ୍କ ନିକଟରେ ଏତିକି ପ୍ରାର୍ଥନା ।

(ମୋହନ ଚରଣ ମାଝୀ)
ମୁଖ୍ୟମନ୍ତ୍ରୀ, ଓଡ଼ିଶା

15001/13/1202/2526





ପବିତ୍ର ଗାନ୍ଧୀ ଜୟନ୍ତୀ ଅବସରରେ
ମାନ୍ୟବର ରାଜ୍ୟପାଳଙ୍କ ବାର୍ତ୍ତା

ପବିତ୍ର ଗାନ୍ଧୀ ଜୟନ୍ତୀ ଅବସରରେ ଜାତିର ଜନକ ମହାତ୍ମା ଗାନ୍ଧୀଙ୍କ ଉଦ୍ଦେଶ୍ୟରେ ଭକ୍ତିପୂତ ଶ୍ରଦ୍ଧାଞ୍ଜଳି ଅର୍ପଣ କରୁଛି ।

ଆସନ୍ତୁ, ଗାନ୍ଧିଜୀଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ବିକଶିତ ଓଡ଼ିଶା ଓ ବିକଶିତ ଭାରତ ନିର୍ମାଣରେ ନିଜକୁ ସମର୍ପିତ କରିବା ପାଇଁ ସଂକଳ୍ପବଦ୍ଧ ହେବା ।

(ହରି ବାବୁ କମ୍ଭମ୍ପାଟି)

DADLS-52





ଗାନ୍ଧୀ ଜୟନ୍ତୀ ଉପଲକ୍ଷେ
ମୁଖ୍ୟମନ୍ତ୍ରୀଙ୍କ ଶୁଭେଚ୍ଛା

ଆସନ୍ତା କାଲି ଗାନ୍ଧୀ ଜୟନ୍ତୀ । ଏହି ଉପଲକ୍ଷେ ମୁଁ ଜାତିର ଜନକ ମହାତ୍ମା ଗାନ୍ଧୀଙ୍କ ପ୍ରତି ମୋର ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରୁଛି ।

ମହାତ୍ମା ଗାନ୍ଧୀ ଥିଲେ ସତ୍ୟ, ନ୍ୟାୟ ଓ ଅହିଂସାର ପ୍ରତୀକ, ଯାହାଙ୍କ ଜୀବନ ଦର୍ଶନ ସମଗ୍ର ବିଶ୍ୱକୁ ପ୍ରଭାବିତ କରିଛି । ତାଙ୍କ ସ୍ୱଦେଶୀ ଓ ସ୍ୱଚ୍ଛତା ବିଚାର ଆଜି ବି ଆମ ଜୀବନ ଓ ସମାଜ ପାଇଁ ଅତ୍ୟନ୍ତ ମହତ୍ତ୍ୱପୂର୍ଣ୍ଣ । ଆସନ୍ତୁ, ତାଙ୍କ ନୀତି ଓ ଆଦର୍ଶରେ ଅନୁପ୍ରାଣିତ ହୋଇ ଆତ୍ମନିର୍ଭର ଓ ସ୍ୱଚ୍ଛ ଭାରତ ଗଠନ ଦିଗରେ ସମସ୍ତେ ସମର୍ପିତ ହୋଇ କାମ କରିବା ।

(ମୋହନ ଚରଣ ମାଝୀ)
ମୁଖ୍ୟମନ୍ତ୍ରୀ, ଓଡ଼ିଶା

15001/13/1198/2526

୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ଖେଳ ପର୍ଯ୍ୟବେକ୍ଷକ

Bhubaneswar Wednesday October 01 ଭୁବନେଶ୍ୱର ବୁଧବାର, ୦୧, ୨୦୨୫ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com

























































Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-7510 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-7515, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray